## ପ୍ରେସ ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୨୫ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୧୧୭୩୩ ରେ ପହଞ୍ଚିଲା - ସୁସ୍ଥ ହେଲେ ୫୩ ଜଣ ।

ଅନୁଗୋଳ, ତା,୨୪.୧୨:- ଆଜି ଅନୁଗୋଳ ଜିଲ୍ଲାରେ ୨୫ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଂକ ମଧ୍ୟରୁ ୩ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ୍ ଆକ୍ରାନ୍ତଂକ ସଂଖ୍ୟା ୨୦୯ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୦ଜଣ ( ୭ଜଣ ପୁରୁଷ ଓ ୩ଜଣ ମହିଳା), ବଅଁରପାଳ ବ୍ଲକ୍ ଅଂଚଳରୁ ୫ଜଣ ( ୩ଜଣ ପୁରୁଷ ଓ ୨ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୪ଜଣ ( ୩ଜଣ ପୁରୁଷ ଓ ୧ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ୨ ଜଣ ( ୨ଜଣ ମହିଳା),କଣିହାଁ ବ୍ଲକ୍ ଅଂଚଳରୁ ୨ଜଣ ( ୨ଜଣ ପୁରୁଷ ), କିଶୋରନଗର ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ମହିଳା) ଓ ଅନୁଗୋଳ ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଂକ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ଆଜି ପାଲଲହଡା ବ୍ଲକ, ତାଳଚେର ପୌରାଞ୍ଚଳ, ଆଠମଲ୍ଲିକ ବ୍ଲକ ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ସୁସ୍ଥ ହୋଇଥିବା ୫୩ଜଣ ଯାକ ହୋମ Isolation ରେ ଥିବାର ଜଣାପଡିଛି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୮୩୯ ତା.୨୪.୧୨.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

୨୪/୧୨/୨୦୨୦

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ